**DIRECTORATE OF EXTENSION EDUCATION**
**ସମ୍ପ୍ରସାରଣ ଶିକ୍ଷା ନିର୍ଦ୍ଦେଶାଳୟ**
**ODISHA UNIVERSITY OF AGRICULTURE AND TECHNOLOGY**
**Bhubaneswar, Pin - 751003**


# ଲଘୁଚାପ ଜନିତ ମାତ୍ରାଧିକ ବୃଷ୍ଟିପାତ ପରିପ୍ରେକ୍ଷୀରେ ଫସଲ ପରିଚାଳନା ପାଇଁ ପରାମର୍ଶ

**ତା ୨୨.୦୯.୨୦୨୬**

ବଙ୍ଗୋପସାଗରରେ ସୃଷ୍ଟ ଲଘୁଚାପ ଓ ଅବପାତ ପ୍ରଭାବରେ ଓଡ଼ିଶାର ଅଧିକାଂଶ ସ୍ଥାନରେ ପ୍ରବଳରୁ ଅତି ପ୍ରବଳ ବୃଷ୍ଟିପାତର ସମ୍ଭାବନା ସୃଷ୍ଟି ହୋଇଅଛି । ସାମ୍ପ୍ରତିକ ଅବସ୍ଥାକୁ ଦୃଷ୍ଟିରେ ରଖି ଫସଲ ସୁପରିଚାଳନା ପାଇଁ ଚାଷୀଭାଇମାନଙ୍କୁ ନିମ୍ନୋକ୍ତ କୃଷି ପରାମର୍ଶ ପ୍ରଦାନ କରାଯାଉଛି ।

**ଧାନ :**

- ପାଚି ଯାଇଥିବା ସଅଳ ଓ ମଧ୍ୟମ କିସମ ଧାନକୁ ତୁରନ୍ତ କାଟିନେଇ ସୁରକ୍ଷିତ ସ୍ଥାନରେ ରଖିଦିଅନ୍ତୁ ।
- ଧାନ ଜମିରୁ ପାଣି ବାହାରି ଯିବା ପାଇଁ କର ନାଳୀ କରନ୍ତୁ ଓ ନାଳୀ ମୁହଁ ଖୋଲା ରଖନ୍ତୁ ।
- ସଅଳ କିସମ ଧାନ ବିଲରେ ଥାଇ ଗଜା ନ ହେବା ପାଇଁ ବର୍ଷା ଛାଡ଼ିଗଲା ପରେ ଶତକଡ଼ା ୨ ଭାଗ ଲୁଣ ପାଣି ସିଞ୍ଚନ କରନ୍ତୁ ।
- ବର୍ଷା ଛାଡ଼ିଗଲା ପରେ ପଡ଼ିଯାଇଥିବା ପନିପରିବା ଗଛର ମୂଳକୁ ମାଟି ଦେଇ ଠିଆ କରାଇ ଦିଅନ୍ତୁ ।
- ପାଣି ଛାଡ଼ିଗଲା ପରେ ଧାନ, ପନିପରିବା ଓ ଡାଲିଜାତୀୟ ଫସଲରେ କେତେକ ରୋଗ ପୋକ ଲାଗିବାର ସମ୍ଭାବନା ରହିଛି । ତେଣୁ ଏହି ସମ୍ଭାବ୍ୟ ରୋଗ ପୋକ ସମସ୍ୟା ଓ ଏହାର ପରିଚାଳନା ଉପରେ ସୂଚନା ନିମ୍ନମତେ ଦିଆଯାଉଛି ।
    - ବର୍ତ୍ତମାନ ପରିସ୍ଥିତିରେ ଅଧିକ ବର୍ଷା ହେତୁ ଧାନ ଫସଲରେ ପତ୍ର ଆଚ୍ଛାଦ ପଚା ରୋଗ ଅଧିକ ଦେଖାଦେଲେ ପ୍ରତି ଲିଟର ଜଳରେ ୨ ମି.ଲି. ହେକ୍ସାକୋନାଜୋଲ୍ କିମ୍ବା ଭାଲିଡାମାଇସିନ୍ ମିଶାଇ ସିଞ୍ଚନ କରନ୍ତୁ । ରୋଗ ସଂକ୍ରମଣର ତୀବ୍ରତା ଅଧିକ ଦୃଷ୍ଟିଗୋଚର ହେଲେ ଏକର ପ୍ରତି ୧୦୦ ଗ୍ରାମ୍ (ଟେବୁକୋନାଜୋଲ୍ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫%) ଡବ୍ଲୁ.ଜି. ଔଷଧ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ । ଏହି କ୍ଷେତ୍ରରେ ଯବକ୍ଷାରଜାନ ସାର ପ୍ରୟୋଗ ନିୟନ୍ତ୍ରଣ କରନ୍ତୁ ।
    - ସାଂପ୍ରତିକ ପରିସ୍ଥିତିରେ ଜମିରେ ମାଟିଆଗୁଣ୍ଡି ପୋକର ପ୍ରାଦୁର୍ଭାବ ଦେଖାଦେଲେ, ଏହାର ପରିଚାଳନା ପାଇଁ ଜମିରୁ ପାଣି ନିଷ୍କାସନ କରିଦିଅନ୍ତୁ । ପ୍ରତି ୬ ଫୁଟ ବ୍ୟବଧାନରେ ପାହି ତିଆରି କରନ୍ତୁ । ଏକର ପ୍ରତି ପାଇମେଟ୍ରୋଜିନ୍ ୫୦% ଡବ୍ଲୁ.ଜି. ୧୨୦ ଗ୍ରାମ୍ କିମ୍ବା ଡାଇନୋଟିଫ୍ୟୁରନ୍ ୨୦% ଏସ୍.ଜି. ୮୦ ଗ୍ରାମ୍ କିମ୍ବା ଫ୍ଲୋନିକାମାଇଡ୍ ୫୦% ଡବ୍ଲୁ.ଜି. ୬୦ ଗ୍ରାମ୍ କିମ୍ବା ଟ୍ରାଇଫ୍ଲୁମେଜୋପାଇରିମ୍ ୧୦% ଏସ୍.ସି. ୯୪ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ମୂଳ ଭାଗକୁ ସିଞ୍ଚନ କରନ୍ତୁ ।
    - ବର୍ଷା ଛାଡ଼ି ଖରା ପାଗ ହୋଇଗଲା ପରେ କେଣ୍ଡାକଟା ପୋକ ଲାଗିବାର ସମ୍ଭାବନା ରହିଛି । ଏହାର ନିୟନ୍ତ୍ରଣ ପାଇଁ ଏକର ପ୍ରତି କ୍ଲୋରୋପାଇରିଫସ୍ ୫୦% + ସାଇପରମେଥ୍ରିନ୍ ୫% ଇ.ସି. ୪୦୦ ମି.ଲି. କିମ୍ବା (କ୍ୱିନାଲ୍‌ଫସ୍ ୨୦% + ସାଇପରମେଥ୍ରିନ୍ ୩%) ୪୦୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ଅପରାହ୍ଣରେ ସିଞ୍ଚନ କରନ୍ତୁ ।
    - ବର୍ଷା ପରେ କମ୍ ଉତ୍ତାପ ରହିଲେ ଗନ୍ଧି ପୋକ ଲାଗି ପାରନ୍ତି । ଏହାର ନିରାକରଣ ପାଇଁ ଏକର ପ୍ରତି କ୍ଲୋରୋପାଇରିଫସ୍ ୧.୫% ଗୁଣ୍ଡ ୧୦ କି.ଗ୍ରା. ବିଞ୍ଚନ୍ତୁ କିମ୍ବା ମାଲାଥିଅନ୍ ୫୦% ଇ.ସି. ୪୦୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସକାଳ ସମୟରେ ସିଞ୍ଚନ କରନ୍ତୁ ।
    - ଧାନ ଫସଲରେ କେଣ୍ଡା ବାହାରିବା ଅବସ୍ଥାରେ କେଣ୍ଡା ଅଷ୍ଟପଦୀ (Panicle mite)ଲାଗିବାର ସମ୍ଭାବନା ରହିଛି । ଏହାଦ୍ୱାରା କେଣ୍ଡାରେ ଧାନ କଳା ପଡ଼ିଯାଏ ଓ ଧୂସର ରଙ୍ଗ ହୋଇଯାଏ । କେଣ୍ଡା ବାହାରିବା ପରେ ଧାନ ଅଗାଡ଼ି ହୋଇଯାଏ । ଏହାର ନିରାକରଣ ପାଇଁ ଏକର ପ୍ରତି ଫେଞ୍ଜାକ୍ୱିନ୍ ୧୦% ଇ.ସି. ୪୦୦ ମି.ଲି. କିମ୍ବା ଫେନ୍‌ପାଇରୋକ୍ସିମେଟ୍ ୫% ଇ.ସି. ୪୦୦ ମି.ଲି. କିମ୍ବା ପ୍ରୋପାରିଜାଇଟ୍ ୫୭% ଇ.ସି. ୪୦୦ ମି.ଲି. କିମ୍ବା ଡାଇଫେନ୍‌ଥ୍ୟୁରନ୍ ୫୦% ଡବ୍ଲୁ.ପି. ୪୦୦ ଗ୍ରାମ୍ ୨୦୦ ଲିଟର ପାଣିରେ ମିଶାଇ ପ୍ରତି ସପ୍ତାହରେ ଥରେ ଲାଗ୍ ଲାଗ୍ ଦୁଇ ସପ୍ତାହ ସିଞ୍ଚନ କରନ୍ତୁ ।

- ଧାନ ଫସଲରେ ବର୍ଷା ଛାଡ଼ିଗଲା ପରେ ବେକ ମହିଷା / କେଣ୍ଡା ମହିଷା ରୋଗ ହେବାର ସମ୍ଭାବନା ରହିଛି । ଏହାର ନିରାକରଣ ପାଇଁ ଏକର ପ୍ରତି (ଟେବୁକୋନାଜୋଲ୍ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫%) ୧୦୦ ଗ୍ରାମ୍ କିମ୍ବା ଟ୍ରାଇସାଇକ୍ଲାଜୋଲ୍ ୭୫% ଡବ୍ଲୁ.ପି. ୧୨୦ ଗ୍ରାମ୍ କିମ୍ବା କାସୁଗାମାଇସିନ୍ ୩% ଏସ୍.ଏଲ୍. ୪୦୦ ମି.ଲି. ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- ଧାନ ଫସଲରେ ପତ୍ରାଚ୍ଛାଦ ରୋଗ ଦେଖାଦେଲେ, ଧାନ ଗଛ ବେକ ପଚି ଚିପି ହୋଇଯାଏ । ଫଳରେ କେଣ୍ଡା ସଢ଼ିଯାଇ ବାହାରି ପାରେ ନାହିଁ । ଏକର ପ୍ରତି ପ୍ରୋପିକୋନାଜୋଲ୍ ୨୫% ଇ.ସି. ୨୦୦ ମି.ଲି. କିମ୍ବା (ଟେବୁକୋନାଜୋଲ୍ ୫୦% + ଟ୍ରାଇଫ୍ଲୋକ୍ସିଷ୍ଟ୍ରୋବିନ୍ ୨୫%) ୧୦୦ ଗ୍ରାମ୍ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- ଧାନରେ ପତ୍ରପୋଡ଼ା (BLB) ରୋଗ ଦେଖାଦେଲେ, ଏକର ପ୍ରତି କପର ଅକ୍ସିକ୍ଲୋରାଇଡ୍ ୬୦୦ ଗ୍ରାମ୍ + ପ୍ଲାଣ୍ଟୋମାଇସିନ୍ ୨୦୦ ଗ୍ରାମ୍ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।

**ପନିପରିବା ଓ ଡାଲିଜାତୀୟ ଫସଲ :**

**ଅଣଧାନ ଫସଲରେ ଜଳ ନିଷ୍କାସନ ବ୍ୟବସ୍ଥା ସୁନିଶ୍ଚିତ କରନ୍ତୁ ଓ ନିମ୍ନୋକ୍ତ ବନ୍ୟା ପରବର୍ତ୍ତୀ ଯତ୍ନ ନିଅନ୍ତୁ ।**

- ବର୍ଷା ଯୋଗୁଁ ପୋଟଳ, କାକୁଡ଼ି, କଖାରୁ, ଜହ୍ନି ଆଦି ଲତା ଜାତୀୟ ପନିପରିବା ଆଦି ଫସଲ ପ୍ରଭାବିତ ହୋଇଥିଲେ ଅମଳ ଉପଯୋଗୀ ପନିପରିବାକୁ ତୋଳି ରଞ୍ଜା/ ଟ୍ରେଲି ଓଲଟି ପଡ଼ିଥିଲେ ସଳଖ କରି ଦିଅନ୍ତୁ ।
- ବର୍ଷା କମିଗଲା ପରେ ପନିପରିବା ଫସଲରେ ସଢ଼ା ଡାଳ ସବୁ କାଟି ବାହାରେ ପକାଇ ଦିଅନ୍ତୁ ଓ ଗଛ ନଇଁ ଯାଇଥିଲେ ମାଟି ମୂଳକୁ ଟେକି ଦିଅନ୍ତୁ ।
- ବର୍ଷା ପରେ ଭେଣ୍ଡି ଫସଲରେ ସରକୋସ୍ପୋରା ପତ୍ର ଦାଗ ରୋଗ ଓ କଲରା ଫସଲରେ ପତ୍ର ଦାଗ ଓ ପତ୍ର ପୋଡ଼ା ରୋଗ ବୃଦ୍ଧି ପାଇବ । ଏହାକୁ ନିୟନ୍ତ୍ରଣ କରିବା ପାଇଁ ପ୍ରତି ଲିଟର ପାଣିରେ ୨ ଗ୍ରାମ୍ (କାର୍ବେଣ୍ଡାଜିମ୍ + ମାଙ୍କୋଜେବ୍) ମିଶାଇ ପ୍ରୟୋଗ କରନ୍ତୁ ।
- ପନିପରିବା ଓ ଡାଲିଜାତୀୟ ଫସଲରେ ଜଉପୋକ ଲାଗିବାର ସମ୍ଭାବନା ରହିଛି । ଏହାର ନିରାକରଣ ପାଇଁ ଏକର ପ୍ରତି ୬୦ ଗ୍ରାମ୍ ଇମିଡ଼ାକ୍ଲୋପ୍ରିଡ୍ ୧୭.୮% ଏସ୍.ଏଲ୍. କିମ୍ବା ଥାୟୋମେଥୋକ୍ସାମ୍ ୪୦ ଗ୍ରାମ୍ କିମ୍ବା ଏସିଟାମିପ୍ରିଡ୍ ୨୦% ଏସ୍.ପି. ୫୦ ଗ୍ରାମ୍ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- ବର୍ଷା ଛାଡ଼ିଗଲା ପରେ ମୁଗ, ବିରି, ହରଡ଼, ବରଗୁଡ଼ି ଆଦି ଫସଲରେ ପାଉଁଶିଆ ରୋଗ ଲାଗିବାର ସମ୍ଭାବନା ରହିଛି । ଏହାର ନିରାକରଣ ପାଇଁ ଏକର ପ୍ରତି ସଲ୍‌ଫର୍ ୮୦% ଡବ୍ଲୁ.ଜି. ୫୦୦ ଗ୍ରାମ୍ କିମ୍ବା କାର୍ବେଣ୍ଡାଜିମ୍ ୫୦% ଡବ୍ଲୁ.ପି. ୨୦୦ ଗ୍ରାମ୍ ୨୦୦ ଲିଟର ପାଣିରେ ମିଶାଇ ସିଞ୍ଚନ କରନ୍ତୁ ।
- ବର୍ଷା ପରେ ପନିପରିବା ଫସଲରେ ଝାଉଁଳା ରୋଗ ଲାଗିବାର ସମ୍ଭାବନା ଥିବାରୁ ପ୍ରତି ୧୦ ଲିଟର ପାଣିରେ ୧୦ ଗ୍ରାମ୍ ପ୍ଲାଣ୍ଟୋମାଇସିନ୍ + ୨୫ ଗ୍ରାମ୍ କପର ଅକ୍ସିକ୍ଲୋରାଇଡ୍ ମିଶାଇ ମୂଳ ଭାଗକୁ ସିଞ୍ଚନ କରନ୍ତୁ ।

**ଫଳ ବଗିଚା :**

- ଫଳ ବଗିଚାରେ ପାଣି ଜମିଥିଲେ ପାଣିକୁ ତୁରନ୍ତ ନିଷ୍କାସନର ବ୍ୟବସ୍ଥା କରନ୍ତୁ ।

**ବି.ଦ୍ର.: ଅଧିକ ଜାଣିବା ପାଇଁ ନିକଟସ୍ଥ କୃଷି ବିଜ୍ଞାନ କେନ୍ଦ୍ର, କୃଷି ଅଧିକାରୀଙ୍କ ସହ ଯୋଗାଯୋଗ କରନ୍ତୁ ।**